# ମାତୃଭୂମି

ଯେ କାଳେ ବାଳକ ବୁଲି ଯାଇପାରେ
ପଡ଼ୋଶୀମାନଙ୍କ ଘର,
ସେ କାଳେ ଜାଣଇ ଅନ୍ୟ ଘରସବୁ
ତା ସଙ୍ଗୀ ବାଳକଙ୍କର ।

ପରେ ଯେତେବେଳେ ଆପଣା ପଡ଼ାରୁ
ଅନ୍ୟ ପଡ଼ା ବୁଲିଯାଏ,
ସେହି ସମୟରେ ପଡ଼ୋଶୀ ପଡ଼ାକୁ
ଆପଣାର ମଣିଥାଏ ।

ଅନ୍ୟ ଗ୍ରାମେ ପୁଣି ଯାଏ ଯେବେ ନିଜ
ଗ୍ରାମରୁ ହୋଇ ବାହାର,
ସେ କାଳେ ଜାଣଇ ନିଜ ଘର ଯହିଁ
ସେ ଗ୍ରାମ ଅଟେ ତାହାର ।

ଆପଣା ଗ୍ରାମର ନଦୀ ପୁଷ୍କରିଣୀ
ବଗିଚା ଆଦି ସକଳ,
ଆପଣାର ବୋଲି କହେ; ପୁଣି ସେହି
ସବୁକୁ ମଣଇ ଭଲ ।

ବଡ଼ ହୋଇ ଯେବେ କରି ଯାଇପାରେ
ଅନ୍ୟ ରାଜ୍ୟେ ବିଚରଣ,
ବଖାଣଇ ତହିଁ ନିଜ ରାଜା, ରାଜ୍ୟ
ଲୋକଙ୍କର ଶ୍ରେଷ୍ଠପଣ ।

ହାତୀ ଘୋଡ଼ାଠାରୁ ଛେଳି ମେଣ୍ଢାଯାଏ
ସବୁ ତା ରାଜ୍ୟର ଭଲ,
ସକଳ ସୁଖର ଆକର ତାହାରି
ରାଜ୍ୟଟି ଅଟେ କେବଳ ।

ତହୁଁ ବଡ଼ ହୋଇ ଯାଇଥାଏ ଯେବେ
କେହି କେବେ ଦେଶାନ୍ତର,
ସ୍ୱର୍ଗରୁ ଅଧିକ ବୋଲି ବୁଝେ ତେବେ
ଯେଉଁ ଦେଶେ ତାର ଘର ।

ଜ୍ଞାନ ବଳେ ଯେବେ ଜାଣେ ସମସ୍ତଙ୍କ
ଜନକ ଜଗତପତି,
ସହୋଦର ଜ୍ଞାନ କରେ ଅବନୀର
ମାନବସମାଜ ପ୍ରତି ।

ତେବେ ସେ ଜାଣଇ ଯେ କରଇ ଯେତେ
ଲୋକଙ୍କର ଉପକାର,
ବିଶ୍ୱପତିଙ୍କର ବିଶ୍ୱଗୃହେ ଅଟେ
ସେ ତେତେ ଯୋଗ୍ୟ କୁମାର ।

ଏହି ରୂପେ ଗ୍ରାମ- କଥା, ରାଜ୍ୟ କଥା,
ଦେଶକଥା, ବିଶ୍ୱକଥା
ମାନବ-ଜୀବନେ ପ୍ରତୀତ ହେବାର
ଦର୍ଶିତ ହୁଏ ସର୍ବଥା ।

*ମାତୃଭୂମି ମାତୃ- ଭାଷାରେ ମମତା*
*ଯା ହୃଦେ ଜନମି ନାହିଁ,*
*ତାକୁ ଯେବେ ଜ୍ଞାନି- ଗଣରେ ଗଣିବା*
*ଅଜ୍ଞାନ ରହିବେ କାହିଁ ?*